# ସର୍ବସାଧାରଣଙ୍କ ନିମନ୍ତେ ବିଜ୍ଞପ୍ତି

ସପ୍ତଦଶ ବିଧାନସଭାର ଷଷ୍ଠ ଅଧିବେଶନ ଆସନ୍ତା **ତା. ୧୭.୦୨.୨୦୨୬ ରିଖ ଠାରୁ ତା. ୦୮.୦୪.୨୦୨୬ ରିଖ ପର୍ଯ୍ୟନ୍ତ ୨ ଟି ପର୍ଯ୍ୟାୟ ହେବାକୁ ଯାଉଅଛି । ପ୍ରଥମ ପର୍ଯ୍ୟାୟଟି ତା. ୧୭.୦୨.୨୦୨୬ ରିଖ ଠାରୁ ତା. ୨୪.୦୨.୨୦୨୬ ରିଖ ଏବଂ ଦ୍ୱିତୀୟ ପର୍ଯ୍ୟାୟଟି ତା. ୦୯.୦୩.୨୦୨୬ ରିଖ ଠାରୁ ତା. ୦୮.୦୪.୨୦୨୬ ରିଖ ପର୍ଯ୍ୟନ୍ତ ଚାଲିବ ।** ବିଧାନସଭା ଚାଲୁଥିବା ସମୟରେ ଯାନବାହନ ଚଳାଚଳ ଓ ଜନସାଧାରଣଙ୍କ ନିରାପତ୍ତା କୁ ଦୃଷ୍ଟିରେ ରଖି, ବିଧାନସଭା ସଂଲଗ୍ନ ରାସ୍ତା ମାନଙ୍କରେ ଓଡିଶା ସହରାଞ୍ଚଳ ଆଇନ୍ ୨୦୦୩ ର ଧାରା ୨୮ (ଓଡ଼ିଶା ଆକ୍ଟ ୨୦୦୭ ର ଧାରା ୮) ଏବଂ ପୁଲିସ କମିଶନରେଟ୍ ଭୁବନେଶ୍ୱର କଟକ ଟ୍ରାଫିକ୍ ଓ ପବ୍ଲିକ୍ ଅର୍ଡର ଓ ରେଗୁଲେଶନ ୨୦୦୮ ଧାରା ୩୭ ଅନୁସାରେ ନିମ୍ନଲିଖିତ କଟକଣା ଗୁଡ଼ିକ ଲାଗୁ କରାଗଲା ।

୧ । ହାଉସିଂ ବୋର୍ଡ ଛକ ପଟୁ ରବୀନ୍ଦ୍ର ମଣ୍ଡପ ଆଡ଼କୁ ଆସୁଥିବା ସମସ୍ତ ଯାନବାହନ ଗୁଡ଼ିକ କେଶରୀ ଟକୀଜ୍ ଠାରୁ ବାମ ପାର୍ଶ୍ୱ ରାସ୍ତା ଦେଇ ନିଜ ଗନ୍ତବ୍ୟ ସ୍ଥଳକୁ ଯାଇପାରିବେ ।

୨ । ଏ.ଜି. ଛକ ପଟୁ ପି.ଏମ୍.ଜି. ଛକ ଆଡ଼କୁ ଆସୁଥିବା ସମସ୍ତ ଯାନବାହନ ଗୁଡ଼ିକ ଜୟଦେବ ଭବନ ପାଖରେ ଡାହାଣ ପାର୍ଶ୍ୱରେ ଥିବା ଇନ୍ଦିରା ଗାନ୍ଧୀ ପାର୍କ ରାସ୍ତା ଦେଇ ନିଜ ଗନ୍ତବ୍ୟ ସ୍ଥଳକୁ ଯାଇପାରିବେ ।

୩ । ମାଷ୍ଟର କ୍ୟାଣ୍ଟିନ୍ ଛକ ପଟୁ ଆସୁଥିବା ସମସ୍ତ ଯାନବାହନ ଗୁଡ଼ିକ ଲୋୟର ପି.ଏମ୍.ଜି. ଛକ ଠାରୁ ବାମ କିମ୍ବା ଡାହାଣ ପାର୍ଶ୍ୱ ରାସ୍ତା ଦେଇ ଯାଇପାରିବେ ।

୪ । ୧୨୦ ବାଟାଲିୟନ ଛକ ପଟୁ ରବୀନ୍ଦ୍ର ମଣ୍ଡପ ଆଡ଼କୁ ଯିବାକୁ ଚାହୁଁଥିବା ସମସ୍ତ ଯାନବାହନ ଗୁଡ଼ିକ ପାୱାର ହାଉସ୍ ଛକଦେଇ ଯିବେ ।

୫ । ଲୋକଭବନ ଛକ ପଟୁ ଏମ୍.ଏଲ୍.ଏ କଲୋନୀ ଏବଂ ରବୀନ୍ଦ୍ର ମଣ୍ଡପ ଆଡ଼କୁ ଯିବାକୁ ଚାହୁଁଥିବା ସମସ୍ତ ଯାନବାହନ ଗୁଡ଼ିକ ଶାସ୍ତ୍ରୀ ନଗର ଛକଦେଇ ଯିବେ ।

ଉପରୋକ୍ତ କଟକଣା ଗୁଡ଼ିକ ଜରୁରୀ କାଳୀନ କାର୍ଯ୍ୟରେ ନିୟୋଜିତ ଥିବା ଯାନବାହନ (ପୋଲିସ, ଅଗ୍ନିଶମ ଓ ଆମ୍ବୁଲାନ୍ସ ) ଏବଂ ବିଧାନସଭା, ରାଜ୍ୟ ସଚିବାଳୟ ଓ ଅନ୍ୟାନ୍ୟ ସରକାରୀ କାର୍ଯ୍ୟାଳୟକୁ ଯାଉଥିବା ଅଧିକୃତ ଯାନବାହନ ନିମନ୍ତେ ଲାଗୁ ହେବନାହିଁ ।

ଉପରୋକ୍ତ କଟକଣା ଗୁଡ଼ିକ ବିଧାନସଭା ଅଧିବେଶନ ଚାଲୁଥିବା ସମୟରେ ବଳବତ୍ତର ରହିବ ।

ଏସ୍. ଦେବଦତ୍ତ ସିଂହ

ଆରକ୍ଷୀ ଆୟୁକ୍ତ,
ଭୁବନେଶ୍ୱର-କଟକ,
ଭୁବନେଶ୍ୱର ।